ଗ୍ରାମୀଣ କୃଷି ମୌସୁମୀ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ
ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 27-01-2024

ଗଜପତି(ଓଡିଶା) - :2024-01-27 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2024-01-28 | 2024-01-29 | 2024-01-30 | 2024-01-31 | 2024-02-01 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 31.0 | 31.0 | 32.0 | 32.0 | 31.4 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 18.0 | 18.0 | 18.0 | 19.0 | 19.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 90 | 79 | 76 | 75 | 75 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 28 | 27 | 26 | 27 | 33 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 4 | 4 | 5 | 6 | 6 |
| ପବନର ଦିଗ (ଡିଗ୍ରୀ) | 180 | 169 | 193 | 202 | 202 |
| ମେଘାଛନ୍ନ (ଅକ୍ଟା) | 3 | 4 | 2 | 3 | 3 |

## ପାଣିପାଗ ସାରାଂଶ/ସତର୍କ:

| |
|---|
| ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ବୁଧବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ମୁଖ୍ୟତଃ ସଫା ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୪.୦ ରୁ ୦୬.୦ କିଲୋମିଟର ପ୍ରତି ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୧.୦° ସେଲସିୟସ ରୁ ୩୨.୦° ସେଲସିୟସ ଏବଂ ୧୮.୦° ସେଲସିୟସ ରୁ ୧୯.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ଣରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୭୫ ରୁ ୯୦ ଶତକଡା ଏବଂ ୨୬ ରୁ ୩୩ ଶତକଡା ମଧ୍ୟରେ ରହିପାରେ । |

## ସାଧାରଣ ଉପଦେଶ:

| |
|---|
| ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୧.୦° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୭.୪° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୧୦.୪ ମିଲିମିଟର ବର୍ଷା ହୋଇଅଛି । କମ୍ ତାପମାତ୍ରା ଓ କୁହୁଡିଆ ପାଗ ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣର ବ୍ୟବସ୍ଥା କରନ୍ତୁ । ରବି ପନିପରିବା ରେ ଘାସ ବାଛି କୋଡାଖୋସା କରନ୍ତୁ । କୋବି ଜାତୀୟ ପନିପରିବା ଫସଲରେ ୭-୮ ଦିନ ବ୍ୟବଧାନରେ ଜଳସେଚନ କରନ୍ତୁ । ଶୀତ ଋତୁ ରେ ଅଧିକ ଥଣ୍ଡା ସମୟରେ ଗାଈ ଗୁହାଳରେ ପଲିଥିନ୍ କିମ୍ବା ଅଖା ଦ୍ୱାରା ଆଚ୍ଛାଦିକରଣ କରିବାର ବ୍ୟବସ୍ଥା କରନ୍ତୁ । |

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| କୁହୁଡି ଓ କମ୍ ତାପମାତ୍ରା ରୁ ପନିପରିବା କୁ ରକ୍ଷା କରିବା ନିମନ୍ତେ ସକାଳ ଓ ସନ୍ଧ୍ୟା ସମୟରେ ଶୀତ ଦିନିଆ ପନିପରିବା ରେ ହାଲୁକା ଜଳ ସେଚନ କରନ୍ତୁ । |

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଯେଉଁ ଚାଷୀ ଭାଇ ଓ ଭଉଣୀ ମାନେ ଧାନ ତଳି ରୋଇବାକୁ ଯାଉଛନ୍ତି, ମୂଳସାର ହିସାବରେ ଶେଷ କାଦୁଅ କରିବା ସମୟରେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ଏବଂ ୮ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ । ଜମିରେ ଜିଙ୍କ ଅଣୁସାର ଅଭାବ ଦେଖାଯାଉଥିଲେ ପ୍ରତି ୩ ବର୍ଷରେ ଏକର ପ୍ରତି ୧୦ କିଲୋଗ୍ରାମ ଜିଙ୍କ ସଲଫେଟ ୨୧ |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଶତକଡା ଅଣୁସାର କୁ ଶେଷ କାଦୁଅ କରିବା ସମୟରେ ପ୍ରୟୋଗ କରନ୍ତୁ । ୨୦ ରୁ ୨୫ ଦିନ ର ତଳି କୁ ଧାଡିରେ ୨୦ ସେମି ଏବଂ ଗଛ କୁ ଗଛ ୧୫ ସେମି ବ୍ୟବଧାନ ରେ ରଖି ବୁଦା ପ୍ରତି ୨-୩ ଟି ତଳି ଲଗାନ୍ତୁ । |
| ବିରି | ମୁଗ ଓ ବିରି ଫସଲରେ ପାଉଁଶିଆ ରୋଗର ପରିଚାଳନା ପାଇଁ ଏକର ପ୍ରତି ୮୦୦ ଗ୍ରାମ Sulphur ନାମକ ଫିମ୍ପିନାଶକ କିମ୍ବା ୩୦୦ ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Propiconazole ନାମକ ଫିମ୍ପିନାଶକ କିମ୍ବା ୧୦୦ ମିଲି Penconazole ନାମକ ଫିମ୍ପିନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ସୋରିଷ | ସୋରିଷ ଫସଲ ବର୍ତମାନ ଫୁଲ ଫୁଟିବା ଅବସ୍ଥାରେ ଅଛି । ବିଗତ ଦିନରେ ଜିଲ୍ଲା ରେ ହୋଇଥିବା ବର୍ଷା ଯୋଗୁଁ, ଅତ୍ୟଧିକ ଆର୍ଦ୍ରତା ଏବଂ କମ୍ ତାପମାତ୍ରା ହେତୁ ସୋରିଷ ଫସଲ ରେ ନିମ୍ନମୁଖି ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହା ସହ ଅତ୍ୟଧିକ ଆର୍ଦ୍ରତା ହେତୁ ଧଳା କଳଙ୍କି ରୋଗ ମଧ ଲାଗିପାରେ । ବର୍ଷା ଛାଡିଗଲା ପରେ ଏହି ରୋଗର ନିରାକରଣ ନିମନ୍ତେ ରାସାୟନିକ ଉପାୟରେ ୩.୫ ମିଲି ମେଟାଲାକ୍ସିଲ କିମ୍ବା ୨.୫ ଗ୍ରାମ ମେଟାଲାକ୍ସିଲ ଓ ମାଙ୍କୋଜେବ ର ମିଳିତ ମିଶ୍ରଣ କୁ ପ୍ରତି ଲିଟର ପାଣି ରେ ମିଶାଇ ଫସଲରେ ସିଞ୍ଚନ କରନ୍ତୁ । ବର୍ତ୍ତମାନ ସମୟରେ ସୋରିଷ ଫସଲରେ ପତ୍ରଛନ୍ଦା ପୋକ ଏବଂ କରତିଆ ମାଛି ଲାଗିବାର ସମ୍ଭାବନା ରହିଛି । ସୋରିଷ ଫସଲରେ ପତ୍ରଛନ୍ଦା ପୋକ ଏବଂ କରତିଆ ମାଛି ର ପରିଚାଳନା ପାଇଁ ଏକର ପ୍ରତି ୨୦୦-ମିଲି Ethofenprox ନାମକ କୀଟନାଶକ କିମ୍ବା ୪୦୦-ମିଲି Chlorpyriphos ଏବଂ Cypermethrin ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ବର୍ତ୍ତମାନ ସମୟରେ ସୋରିଷ ଫସଲରେ ଜଉ ପୋକ ଏବଂ ଚିତ୍ରିତ ବଗ ଲାଗିବାର ସମ୍ଭାବନା ରହଛି । ପ୍ରାଥମିକ ଅବସ୍ଥାରେ ଏହି ପୋକ ଗୁଡକିର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନକି ଉପାୟରେ ଜଉ ପୋକ ଏବଂ ଚିତ୍ରିତ ବଗ କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ବା ୬୦-ମିଲି Imidacloprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ମହୁମାଛିମାନଙ୍କର ଚଳ ପ୍ରଚଳରେ ବାଧା ନ ଦେବା ପାଇଁ ଅପରାହ୍ନ ସମୟରେ କୀଟନାଶକ କୁ ପ୍ରୟୋଗ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଟମାଟର | ମୁଖ୍ୟ ଜମିରେ ରୁଆ ଯାଇଥିବା ବିଲାତି ବାଇଗଣ ଫୁଲ ରୁ ଫଳ ହେବା (୬-୯ ସପ୍ତାହ) ଅବସ୍ଥାରେ ଅଛି । ବର୍ତ୍ତମାନ ସମୟରେ ବିଲାତି ବାଇଗଣ ଫସଲରେ ଧଳାମାଛି ଲାଗିବାର ସମ୍ଭାବନା ରହଛି । ଉଭୟ ଅର୍ଭକ ଓ ପୂର୍ଣାଙ୍ଗ ଅବସ୍ଥାରେ ଧଳା ମାଛି ମାନେ ପତ୍ର ରୁ ରସ ଶୋଷି ଖାଇବା ହେତୁ ଆକ୍ରାନ୍ତ ପତ୍ର ଗୁଡିକ ଉପର ଆଡକୁ ମୋଡି ହୋଇଯାଏ ଏବଂ ବିବର୍ଣ୍ଣ ପଡି ଏହାର ସଜୀବତା ହ୍ରାସ ପାଏ । ଧଳା ମାଛି ଭୂତାଣୁ ଜନତି ପତ୍ରମୋଚା ରୋଗର ବାହକ ଅଟେ । ବିଲାତି ବାଇଗଣ ଫସଲରେ |

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୮-୧୦ ଟି ହଳଦିଆ ଅଠା ଯୁକ୍ତ ଜନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମଟୋ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୪୦-ଗ୍ରାମ Thiamethoxam କିମ୍ବା ୨୦୦-ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦-ମିଲି Spiromesifen ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ବନ୍ଧାକୋବି | ମୁଖ୍ୟ ଜମିରେ ରୁଆ ଯାଇଥିବା ବନ୍ଧା କୋବି ୫ -୮ ସପ୍ତାହ ଅବସ୍ଥାରେ ଅଛି । ବନ୍ଧା କୋବି ଫସଲରେ ବର୍ତ୍ତମାନ ସମୟରେ ଠିକିରି ପିଠିଆ ପୋକ ଓ ବନ୍ଧା କୋବି ବିନ୍ଧା ପୋକ ଲାଗିବାର ସମ୍ଭାବନା ରହିଛି । ଏହି ପୋକ ଗୁଡକିର ପରିଚାଳନା ପାଇଁ ନିୟମିତ ଭାବରେ ଫସଲର ସର୍ବେକ୍ଷଣ କରି ଶୂକ ଓ ଅଣ୍ଡା ପୁଞ୍ଜ ଗୁଡିକୁ ହାତରେ ଧରି ନଷ୍ଟ କରିଦିଅନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକ ଗୁଡକିର ପରିଚାଳନା ପାଇଁଏକର ପ୍ରତି ୧- ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦PPM କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନକି ଉପାୟରେ ଏହି ପୋକ ଗୁଡକିର ପରିଚାଳନା ପାଇଁ ଏକର ପ୍ରତି ୪୦୦-ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦-ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୪୦୦-ମିଲି Chlorfenapyr ନାମକ କୀଟନାଶକ କିମ୍ବା ୭୫-ମିଲି Spinosad ନାମକ କୀଟନାଶକ କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ଫୁଲକୋବି | ମୁଖ୍ୟ ଜମିରେ ରୁଆ ଯାଇଥିବା ଫୁଲ କୋବି ୫ -୮ ସପ୍ତାହ ଅବସ୍ଥାରେ ଅଛି। ଫୁଲ କୋବି ଫସଲରେ ସାଧାରଣତଃ ବୋରନ ଅଣୁସାର ର ଅଭାବ ଦେଖାଦେଲେ କୋବି ଗଛ ର କାଣ୍ଡ, ପତ୍ର ଉପରେ ପାଣି ଭିଜା ହାଲୁକା ରୁ ଧୂସର ରଙ୍ଗର ଦାଗମାନ ଦେଖାଯାଏ । ଏହା ବ୍ୟତୀତ କାଣ୍ଡ ଫମ୍ପା ହୋଇଥାଏ । ଫୁଲ ଉପରେ ମଧ୍ୟ ଅନୟିମିତ ପାଣିଭିଜା ଦାଗମାନ ଦେଖାଯାଏ ଏବଂ ଫୁଲ କ୍ରମଶଃ ଧୂସର ବାଦାମୀ ରଙ୍ଗର ହୋଇଥାଏ । ଫୁଲ ଛୋଟ ହେବା ସହିତ ଏହାର ସ୍ୱାଦ ତିକ୍ତ ବା ପିତା ହୋଇଥାଏ । ତେଣୁ କୋବି ଫସଲରେ ବୋରନ ଅଣୁସାର ର ଅଭାବ ଜନତି ଗଠନଗତ ସମସ୍ୟା ର ପରିଚାଳନା ପାଇଁ ଏକର ପ୍ରତି ୪-କିଲୋଗ୍ରାମ ବୋରାକ୍ସ କୁ ଶେଷ ଓଡ ଚାଷ ସମୟରେ ପ୍ରୟୋଗ କରନ୍ତୁ । ଶେଷ ଓଡ ଚାଷ ସମୟରେ ଜମିରେ ପ୍ରୟୋଗ କରିନଥିଲେ ଟାରା ରୋପଣର ୨ ସପ୍ତାହ ପରେ ଏବଂ ଫୁଲ କଢ ଧରିବାର ଦୁଇ ସପ୍ତାହ ପୂର୍ବରୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ Borax କିମ୍ବା ୧-୧.୫ ଗ୍ରାମ Folibor କିମ୍ବା Solubor ମିଶାଇ ପତ୍ର ଉପରେ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗାଈଗୋରୁ ମାନଙ୍କୁ FMD, Haemorrhagic Septicaemia, Black Quarter, Enterotoxemia ଆଦି ରୋଗ ପାଇଁ ଟୀକାକରଣ କରନ୍ତୁ । ଶୀତ ଋତୁ ରେ ଗାଈଗୋରୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଗୋଖାଦ୍ୟ ଓ ଘାସ ସାଇତି ରଖନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଚିଚକ | ବର୍ତ୍ତମାନ ତାପମାତ୍ରା କମ ରହୁଥିବାରୁ କୁକୁଡା ଘରେ ତାପମାତ୍ରା ନିୟନ୍ତ୍ରଣ ରଖିବା ନିହାତି ଜରୁରୀ । ତେଣୁ ତାପମାତ୍ରା ନିୟନ୍ତ୍ରଣ କରିବା ପାଇଁ କୁକୁଡା ଗୃହ ରେ ଇଲେକ୍ଟ୍ରିକ୍ ବଲ୍ବ କିମ୍ବା ହିଟର ଲଗାନ୍ତୁ ଓ ପଲିଥିନ୍ କିମ୍ବା ଝୋଟ ଅଖା ଦ୍ଵାରା ଆଚ୍ଛାଦିକରଣ କରନ୍ତୁ । |